# REGIONAL NEWS UNIT, AIR CUTTACK

## Evening Bulletin (6.45PM)

**9 April - 2026**

**************************************

## ମୁଖ୍ୟ ସମ୍ବାଦ

- ଭାରତୀୟ ଗଣତନ୍ତ୍ରକୁ ଅଧିକ ସଶକ୍ତ ଓ ସକ୍ରିୟ କରିବା ପାଇଁ ମହିଳାଙ୍କ ପାଇଁ ଆସନ ସଂରକ୍ଷଣ ଜରୁରୀ; କହିଲେ ପ୍ରଧାନମନ୍ତ୍ରୀ
- ଭୁବନେଶ୍ୱରଠାରେ ୫ ହଜାର ମିଶନ ଶକ୍ତି ମହିଳାଙ୍କ ପାଇଁ ଆତ୍ମରକ୍ଷା ପ୍ରଶିକ୍ଷଣ ଶିବିର ଉଦ୍‌ଘାଟନ କଲେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା
- ଲୋକସେବା ଭବନରେ ଆସନ୍ତାକାଲି ଅନୁଷ୍ଠିତ ହେବ ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ
- ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଆଜିଠାରୁ ଆରମ୍ଭ ହେଲା ୧୪ ବର୍ଷରୁ କମ୍ ରଗ୍‌ବୀ ଚାମ୍ପିଅନସିପ୍

ଏବଂ

- କାଳବୈଶାଖୀ ପ୍ରଭାବରେ ବଜ୍ରପାତ ସହ ବର୍ଷା ହେବା ନେଇ ୨୦ଟି ଜିଲ୍ଲାକୁ ପାଣିପାଗ କେନ୍ଦ୍ରର ସତର୍କ ସୂଚନା

Desk

## ପ୍ରଧାନମନ୍ତ୍ରୀ– ମହିଳା ସଂରକ୍ଷଣ

ଭାରତୀୟ ଗଣତନ୍ତ୍ରକୁ ଅଧିକ ସଶକ୍ତ ଓ ସକ୍ରିୟ କରିବା ପାଇଁ ବ୍ୟବସ୍ଥାପକ ସଂସ୍ଥାଗୁଡ଼ିକରେ ମହିଳାଙ୍କ ପାଇଁ ଆସନ ସଂରକ୍ଷଣ ଜରୁରୀ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି। ଶ୍ରୀ ମୋଦୀ କହିଛନ୍ତି, ମହିଳାମାନଙ୍କ ଲାଗି ବିଧାନସଭାରେ ସଂରକ୍ଷଣ ବ୍ୟବସ୍ଥାରେ ବିଳମ୍ୱ ଦୁର୍ଭାଗ୍ୟଜନକ। ଚଳିତ ମାସ ୧୬ ତାରିଖରେ ଅନୁଷ୍ଠିତ ହେବାକୁ ଥିବା ସଂସଦର ବିଶେଷ ବୈଠକରେ ମହିଳା ସଂରକ୍ଷଣ ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରାଯାଇ ପ୍ରସ୍ତାବ ପାରିତ ହେବ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ୨୦୨୯ ଲୋକସଭା ଏବଂ ବିଧାନସଭା ନିର୍ବାଚନରେ ମହିଳାଙ୍କ ଲାଗି ସଂରକ୍ଷଣ ବ୍ୟବସ୍ଥା ସହ ଭୋଟ୍‌ଦାନ ସମ୍ଭବ ହୋଇପାରିବ ବୋଲି ଶ୍ରୀ ମୋଦୀ କହିଛନ୍ତି ।

**- V/O –**

Desk

## ପୋଷଣ ପକ୍ଷ

ନୂଆଦିଲ୍ଲୀରେ ଆଜି କେନ୍ଦ୍ର ମହିଳା ଓ ଶିଶୁବିକାଶ ମନ୍ତ୍ରୀ ଅନ୍ନପୂର୍ଣ୍ଣା ଦେବୀ ପୋଷଣ ପକ୍ଷର ଅଷ୍ଟମ ସଂସ୍କରଣର ଶୁଭାରମ୍ଭ କରିଛନ୍ତି। ଜନ୍ମରୁ ପ୍ରଥମ ୬ ବର୍ଷ ମଧ୍ୟରେ ସର୍ବାଧିକ ମସ୍ତିଷ୍କ ବିକାଶକୁ ଗୁରୁତ୍ୱ ଦେବା ବାର୍ତ୍ତା ନେଇ ଆରମ୍ଭ ହୋଇଥିବା 'ପୋଷଣ ପଖୱାଡ଼ା' ଜନ ଆନ୍ଦୋଳନରେ ପରିଣତ ହୋଇଥିବା ମନ୍ତ୍ରୀ ଅନ୍ନପୂର୍ଣ୍ଣା ଦେବୀ କହିଛନ୍ତି। ସେ କହିଛନ୍ତି, ପୋଷଣ ପକ୍ଷକୁ ସଫଳ କରିବା ଲାଗି ଅଙ୍ଗନବାଡ଼ି, ଆଶା ଏବଂ

ଆଗଧାଡ଼ିର କର୍ମୀଙ୍କ ଉଦ୍ୟମ ପ୍ରଶଂସନୀୟ। ଦେଶର ପିଲାମାନଙ୍କର ଭବିଷ୍ୟତକୁ ଆକାର ଦେବା ଦିଗରେ ଅଙ୍ଗନବାଡ଼ି କର୍ମୀଙ୍କ ଭୂମିକାକୁ ପ୍ରଶଂସା କରି ମନ୍ତ୍ରୀ କହିଛନ୍ତି, ସରକାର ଆଗାମୀ ଦିନରେ ପୋଷକତତ୍ତ୍ୱ ଯୁକ୍ତ ଖାଦ୍ୟ ପ୍ରଦାନ ଦିଗରେ ଯତ୍ନବାନ ହେବେ। ଏହି ଅଭିଯାନ ଆସନ୍ତା ୨୩ ତାରିଖ ପର୍ଯ୍ୟନ୍ତ ଚାଲିବ।

Desk

## ମୁଖ୍ୟମନ୍ତ୍ରୀ– ସବଷ୍ଟେସନ୍ ଲୋକାର୍ପଣ

ଓଡ଼ିଶାର ଶକ୍ତି ଭିତ୍ତିଭୂମିକୁ ସୁଦୃଢ଼ କରିବା ପାଇଁ ସରକାର ନିରନ୍ତର ପ୍ରୟାସ ଜାରି ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଖୋର୍ଦ୍ଧା ଜିଲ୍ଲା ବାଲିଅନ୍ତାଠାରେ ଆଜି ୬୧୬ କୋଟିରୁ ଊର୍ଦ୍ଧ୍ୱ ବ୍ୟୟରେ ନିର୍ମିତ ଅତ୍ୟାଧୁନିକ ଗ୍ରୀଡ୍ ସବଷ୍ଟେସନ୍‌ଗୁଡ଼ିକ ଲୋକାର୍ପଣ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ବାଲିଅନ୍ତା, ସତ୍ୟନଗର, ନୟାପଲ୍ଲୀ ଏବଂ ଏସ୍‌ସିବି ମେଡିକାଲଠାରେ ସ୍ଥାପିତ ଏହି ପ୍ରକଳ୍ପଗୁଡ଼ିକ ଟୁଇନ୍ ସିଟିର ୩୩ ଲକ୍ଷ ଉପଭୋକ୍ତାଙ୍କୁ ବିଦ୍ୟୁତ ସମସ୍ୟାରୁ ମୁକ୍ତି ଦେବ। ରାଜଧାନୀ ଓ ପାର୍ଶ୍ୱବର୍ତ୍ତୀ ଅଞ୍ଚଳର ଉପଭୋକ୍ତାଙ୍କୁ ଗୁଣାତ୍ମକ ଓ ନିରବଚ୍ଛିନ୍ନ ବିଦ୍ୟୁତ ସେବା ଯୋଗାଇଦେବାରେ ସହାୟକ ହେବ ବୋଲି ମୁଖ୍ୟମନ୍ତ୍ରୀ ଆଶାବ୍ୟକ୍ତ କରିଛନ୍ତି। ଏହି ଭିତ୍ତିଭୂମି ବିକାଶ, ବିକଶିତ ଓଡ଼ିଶା ଓ ସମୃଦ୍ଧ ଶକ୍ତି କ୍ଷେତ୍ର ଗଠନ ଦିଗରେ ଏକ ମାଇଲଖୁଣ୍ଟ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଡିଜିଟାଲ ଇଣ୍ଡିଆ ପରିକଳ୍ପନାକୁ ଆଧାର କରି ଓଡ଼ିଶାରେ ପ୍ରଥମଥର ପାଇଁ ଡିଜିଟାଲ ଗ୍ରୀଡ୍ ବ୍ୟବସ୍ଥା ଓ ଟ୍ରାନ୍ସମିଶନ ନେଟ୍‌ୱର୍କର ବିକାଶ କରାଯାଇଛି। ବର୍ଦ୍ଧିତ ଚାହିଦାକୁ ଦୃଷ୍ଟିରେ ରଖି ଭୁବନେଶ୍ୱରରେ ଏକ ବିଦ୍ୟୁତ ରିଲ୍

ବ୍ୟବସ୍ଥା ସୃଷ୍ଟି କରାଯାଇଛି। ଏହାଦ୍ୱାରା ପ୍ରାକୃତିକ ବିପର୍ଯ୍ୟୟ ସମୟରେ ବିଦ୍ୟୁତ ସରବରାହ ବାଧାପ୍ରାପ୍ତ ହେବ ନାହିଁ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଭିତ୍ତିଭୂମିର ବିକାଶ ଲୋକଙ୍କ ଜୀବନଧାରଣ ମାନରେ ଉନ୍ନତି ଆଣିବା ସହିତ ରାଜ୍ୟର ଚାଲିଥିବା ଶିଳ୍ପ ବିପ୍ଳବକୁ ତ୍ୱରାନ୍ୱିତ କରି ବ୍ୟାପକ ନିଯୁକ୍ତି ସୁଯୋଗ ସୃଷ୍ଟି କରିବ ବୋଲି ଶ୍ରୀ ମାଝୀ କହିଛନ୍ତି।

BBSR/R

## ମିଶନଶକ୍ତି- ଆତ୍ମରକ୍ଷା ପ୍ରଶିକ୍ଷଣ

ମହିଳା ସଶକ୍ତୀକରଣ କେବଳ ଆର୍ଥିକ ସ୍ୱାଧୀନତା ମଧ୍ୟରେ ସୀମିତ ନୁହେଁ ବରଂ ସେମାନଙ୍କର ସମ୍ମାନ ଓ ସୁରକ୍ଷା ସୁନିଶ୍ଚିତ କରିବା ପ୍ରମୁଖ ଲକ୍ଷ୍ୟ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି। ଭୁବନେଶ୍ୱରସ୍ଥିତ ମିଶନ ଶକ୍ତି ଭବନଠାରେ ରାଜ୍ୟର ମହିଳା ସ୍ୱୟଂସହାୟକ ଗୋଷ୍ଠୀର ସଦସ୍ୟମାନଙ୍କୁ ସୁରକ୍ଷିତ ଓ ସଶକ୍ତ କରିବା ଲକ୍ଷ୍ୟରେ ମିଶନ ଶକ୍ତି ପକ୍ଷରୁ ଆୟୋଜିତ ଆତ୍ମରକ୍ଷା ପ୍ରଶିକ୍ଷଣ କାର୍ଯ୍ୟକ୍ରମର ଶୁଭାରମ୍ଭ କରି ଉପମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ପ୍ରଶିକ୍ଷଣ ଦ୍ୱାରା ମହିଳାମାନେ ଆତ୍ମବିଶ୍ୱାସର ସହିତ ସମାଜରେ ରହିପାରିବେ। କାର୍ଯ୍ୟକ୍ରମରେ ରାଷ୍ଟ୍ରୀୟ ମହିଳା ଆୟୋଗର ଅଧ୍ୟକ୍ଷା ବିଜୟା ରାହାତକର ଯୋଗଦେଇ କହିଛନ୍ତି, ମହିଳାମାନେ ଆତ୍ମନିର୍ଭରଶୀଳ ହେବା ସହିତ ନିଜ ସୁରକ୍ଷା ପାଇଁ ସଜାଗ ରହିଲେ ଦେଶର ଅର୍ଥନୀତିରେ ସେମାନଙ୍କର ଅବଦାନ ଅଧିକ ସୁଦୃଢ଼ ହେବ। ଜାତୀୟ ମହିଳା କମିଶନ ଏବଂ ମିଶନ ଶକ୍ତି ବିଭାଗର ମିଳିତ ସହଯୋଗରେ ପ୍ରଥମଥର ପାଇଁ ଏହି କାର୍ଯ୍ୟକ୍ରମ କଟକ, ବଲାଙ୍ଗୀର, କେନ୍ଦୁଝର, ପୁରୀ ଓ ଖୋର୍ଦ୍ଧା ଜିଲ୍ଲାର ୫ହଜାର ମହିଳାଙ୍କୁ ନେଇ ଏକ

ପାଇଲଟ୍ ପ୍ରୟାସ ଭାବେ ଆରମ୍ଭ କରାଯାଇଛି। କାର୍ଯ୍ୟକ୍ରମରେ ରାଜ୍ୟ ମହିଳା କମିଶନ ଅଧ୍ୟକ୍ଷ ଶୋଭନା ମହାନ୍ତି, ମିଶନ ଶକ୍ତି ବିଭାଗର କମିଶନର ମାନସୀ ନିମ୍ବାଲ ପ୍ରମୁଖ ଉପସ୍ଥିତ ଥିଲେ।

BBSR/R

## ଆସନ୍ତାକାଲି କ୍ୟାବିନେଟ୍ ବୈଠକ

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆସନ୍ତାକାଲି ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବ। ବୈଠକରେ ପୂର୍ତ୍ତ, ପଞ୍ଚାୟତିରାଜ, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ, ଉଚ୍ଚଶିକ୍ଷା ତଥା ଅନ୍ୟ ବିଭାଗ ସମ୍ପର୍କିତ ପ୍ରସ୍ତାବ ଉପରେ ଆଲୋଚନା ହେବ ବୋଲି ଜଣାପଡ଼ିଛି।

BBSR/R

## ଗ୍ରାମ୍ୟ ଉନ୍ନୟନ ବିଭାଗ ବୈଠକ

ଉନ୍ନତ ଭିତ୍ତିଭୂମି ସରକାରଙ୍କ ପ୍ରତି ଜନସାଧାରଣଙ୍କ ବିଶ୍ୱାସକୁ ମଜଭୁତ କରିଥାଏ ବୋଲି ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବିନାରାୟଣ ନାୟକ କହିଛନ୍ତି। ଭୁବନେଶ୍ୱରସ୍ଥିତ ସର୍ବୋଚ୍ଚ ଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଗ୍ରାମ୍ୟ ଉନ୍ନୟନ ବିଭାଗର କାର୍ଯ୍ୟ ସମୀକ୍ଷା ବୈଠକରେ ଯୋଗଦେଇ ଶ୍ରୀ ନାୟକ କହିଛନ୍ତି, ନୂତନ ରାସ୍ତା ନିର୍ମାଣ ଭଳି ପୁରୁଣା ରାସ୍ତାର ମରାମତି ସୁଦୃଢ଼ୀକରଣ ମଧ୍ୟ ସମାନ ଗୁରୁତ୍ୱ ବହନ କରେ। ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନା ଅଧୀନରେ ନୂତନ ଜ୍ଞାନକୌଶଳ ଓ ସାମଗ୍ରୀ ବ୍ୟବହାର କରି ରାସ୍ତା ନିର୍ମାଣ କରିବାରେ ଓଡ଼ିଶା ଦେଶରେ ଅଷ୍ଟମ ସ୍ଥାନ ଅଧିକାର କରିଛି ବୋଲି ମନ୍ତ୍ରୀ ସୂଚନା ଦେଇଥିଲେ। ବୈଠକରେ ୨୦୨୫-୨୬ ବର୍ଷର କାର୍ଯ୍ୟ ସଫଳତା ଏବଂ

୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ନୂତନ କାର୍ଯ୍ୟଖସଡ଼ା ପ୍ରସ୍ତୁତ କରାଯାଇଛି । କମିଶନର ତଥା ଶାସନ ସଚିବ ଜାମିନି ଷଡ଼ଙ୍ଗୀ ବିଭାଗୀୟ ଉପଲବ୍ଧ ସମ୍ପର୍କରେ ବୈଠକରେ ଆଲୋଚନା କରିଥିଲେ। ଗତ ଆର୍ଥିକ ବର୍ଷରେ ବିଭାଗ ପକ୍ଷରୁ ୮୯ ଦଶମିକ ୪/୫ ପ୍ରତିଶତ ଅର୍ଥ ବିନିଯୋଗ କରାଯାଇଛି । ସମୟର ଉପଯୁକ୍ତ ବ୍ୟବହାର ଏବଂ ବିଭାଗୀୟ କାର୍ଯ୍ୟଦକ୍ଷତା ବୃଦ୍ଧି ପାଇଁ ମନ୍ତ୍ରୀ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ମିଶନ ପାୱାର ମାଧ୍ୟମରେ ଅପହଞ୍ଚ ଗ୍ରାମଗୁଡ଼ିକୁ ପକ୍କା ରାସ୍ତାରେ ଯୋଡ଼ିବା ପାଇଁ ଆଲୋଚନା କରାଯାଇଛି । ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନା ଓ ଅନ୍ୟାନ୍ୟ ପ୍ରକଳ୍ପଗୁଡ଼ିକରେ ଅଗ୍ରଗତି ସମ୍ପର୍କରେ ମଧ୍ୟ ସମୀକ୍ଷା ହୋଇଛି ।

Desk

## ମାଟ୍ରିକ ରେଜଲ୍ଟ

ମାଧ୍ୟମିକ ଶିକ୍ଷା ପରିଷଦ- ବିଏସ୍‌ଇ’ ଦ୍ୱାରା ପରିଚାଳିତ ଓଡ଼ିଶା ମାଧ୍ୟମିକ ବିଦ୍ୟାଳୟ ଶିକ୍ଷକ ଯୋଗ୍ୟତା ପରୀକ୍ଷା– ଓଏସ୍‌ଏସ୍‌ଟିଇଟି- ୨୦୨୫ ପରୀକ୍ଷା ଫଳ ଆଜି ପ୍ରକାଶ ପାଇଛି । ପ୍ରଥମ  ଓ ଦ୍ୱିତୀୟ ପେପର ପରୀକ୍ଷାରେ ୫୬ ହଜାର ୪୫୬ ପରୀକ୍ଷାର୍ଥୀ  ପରୀକ୍ଷା ଦେଇଥିବାବେଳେ ୭୨ ଦଶମିକ ୩/୮ ପ୍ରତିଶତ ଛାତ୍ରଛାତ୍ରୀ ଉତ୍ତୀର୍ଣ୍ଣ ହୋଇଥିବା ଜଣାପଡ଼ିଛି । ଅପରାହ୍ନ ୪ଟାରେ bseodisha.ac.in ରେ ପରୀକ୍ଷାଫଳ ଉପଲବ୍ଧ ହୋଇଛି। ଉତ୍ତୀର୍ଣ୍ଣ ହୋଇନଥିବା ଛାତ୍ରଛାତ୍ରୀ ଓଏମ୍‌ଆର୍‌.ସିଟ୍ ଡାଉନଲୋଡ୍ କରିପାରିବେ ବୋଲି ବିଏସ୍‌ଇ ପକ୍ଷରୁ କୁହାଯାଇଛି। ଗତ

ଜାନୁଆରୀ ମାସ ୨୧ ତାରିଖରେ ଏହି ପରୀକ୍ଷା ଅନୁଷ୍ଠିତ ହୋଇଥିଲା। ଏ ସମ୍ପର୍କରେ ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ କହିଛନ୍ତି...

**- V/O –**

Deogarh/Malakangiri/Khurda/Nayagar (2)/ Nuapada (2)/ (Odia Pakhya- All PTC)

## ଖବର ସଂକ୍ଷେପରେ...

ନୟାଗଡ଼ ଜିଲ୍ଲାରେ ଜାତୀୟ ଜନଗଣନା ୨୦୨୬-୨୭ ପାଇଁ ଉଦ୍ଦିଷ୍ଟ ପ୍ରଥମ ପର୍ଯ୍ୟାୟ ତାଲିମ ଶିବିର ଆଜି ଉଦ୍‌ଯାପିତ ହୋଇଯାଇଛି।

ନୂଆପଡ଼ା ଜିଲ୍ଲା ସିନାପାଲି ତହସିଲ ଅନ୍ତର୍ଗତ ବରଗାଁ ଗ୍ରାମରେ ରାଜସ୍ୱ ପ୍ରଶାସନ କାର୍ଯ୍ୟକ୍ରମ ତହସିଲଦାର ଉପାଞ୍ଜଳି ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି।

ନୟାଗଡ଼ ଜିଲ୍ଲା ଦଶପଲ୍ଲା ବ୍ଲକ ସଭାଗୃହରେ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ମନରେଗା ଯୋଜନାର ବ୍ଲକସ୍ତରୀୟ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି।

ନୂଆପଡ଼ା ଜିଲ୍ଲାପାଳଙ୍କ ପକ୍ଷରୁ ଜିଲ୍ଲାର ସମସ୍ତ କାର୍ଯ୍ୟାଳୟଗୁଡ଼ିକ ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ସକାଳୁଆ କରିବା ପାଇଁ ନିର୍ଦ୍ଦେଶ ଜାରି କରାଯାଇଛି।

ଖୋର୍ଦ୍ଧା ରୋଡ୍ ମଣ୍ଡଳସ୍ଥିତ ରେଳ ହସ୍ପିଟାଲରେ ବିଶ୍ୱ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପ୍ରତିରୋଧକ ସ୍ୱାସ୍ଥ୍ୟସେବା,

ଟୀକାକରଣର ଗୁରୁତ୍ୱ ଓ ସୁସ୍ଥ ଜୀବନଶୈଳୀ ଉପରେ ଆଲୋଚନା ହୋଇଥିଲା ।

ମାଲକାନଗିରି ଜିଲ୍ଲା ପ୍ରଶାସନ ପକ୍ଷରୁ ଓଡ଼ିଆ ପକ୍ଷର ନବମ ଦିବସରେ 'ଆସ ବହିଟିଏ କିଣିବା ଅଭିଯାନ' ପାଳିତ ହୋଇଯାଇଛି । ଜିଲ୍ଲାପାଳ ପ୍ରଥମେଶ ଅରବିନ୍ଦ ରାଜସିର୍କେ ପୁସ୍ତକ ପଠନକୁ ଏକ ଜନଆନ୍ଦୋଳନରେ ପରିଣତ କରିବା ପାଇଁ ପରାମର୍ଶ ଦେଇଛନ୍ତି ।

ଦେବଗଡ଼ ଜିଲ୍ଲାରେ ରାଜ୍ୟ ଖାଦ୍ୟ ଆୟୋଗ କମିଶନ'ର ସଦସ୍ୟ ସତ୍ୟବ୍ରତ ସାମନ୍ତରାୟ ଓ ଅକ୍ଷୟ କୁମାର ବେହୁରାଙ୍କ ଅଧ୍ୟକ୍ଷତାରେ ଖାଦ୍ୟ ସୁରକ୍ଷା-୨୦୨୦ ଏବଂ ଓଡ଼ିଶା ରାଜ୍ୟ ଖାଦ୍ୟ ସୁରକ୍ଷା ସଂଶୋଧନ ନିୟମ-୨୦୨୨ର ବ୍ୟବସ୍ଥାଗୁଡ଼ିକରେ ଆଲୋଚନା କରାଯାଇଛି ।

Balangir

## ରାଜସ୍ୱ ମେଳା

ବଲାଙ୍ଗୀର ଜିଲ୍ଲା ପୁଇଁନ୍ତଲ ତହସିଲ ପକ୍ଷରୁ ଦଶପଲ୍ଲୀଠାରେ ରାଜସ୍ୱ ମେଳା ଅନୁଷ୍ଠିତ ହୋଇଯାଇଛି । ବିଧାୟକ ତଥା ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କାର୍ଯ୍ୟକ୍ରମରେ ଯୋଗଦେଇ ହିତାଧିକାରୀମାନଙ୍କୁ ଜମିପଟ୍ଟା ବଣ୍ଟନ କରିଛନ୍ତି ।

Nabarnagpur

## ୩ ନାବାଳିକା ମୃତ୍ୟୁ

ନବରଙ୍ଗପୁର ଜିଲ୍ଲା ଉମରକୋଟ ବ୍ଲକ କୁର୍ସି ଗ୍ରାମ ଉପରପାରାଠାରେ ପୋଖରୀକୁ ଗାଧୋଇବାକୁ ଯାଇଥିବା ବେଳେ ପାଣିରେ ବୁଡ଼ିଯାଇ ୩ ଜଣ

ନାବାଳିକାଙ୍କ ମୃତ୍ୟୁ ଘଟିଛି। ଉମରକୋଟ ପୁଲିସ ଘଟଣାସ୍ଥଳରେ ପହଁଞ୍ଚି ମୃତଦେହକୁ ଜବତ କରିବା ସହ ଘଟଣାର ତଦନ୍ତ ଜାରି ରଖଛି।

BBSR/R

## ରଗ୍‌ବୀ ଚାମ୍ପିଅନସିପ୍

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଆଜିଠାରୁ ୬୯ତମ ଜାତୀୟ ବିଦ୍ୟାଳୟ ସଂଘର ରଗ୍‌ବୀ ଚାମ୍ପିଅନସିପ୍-୨୦୨୫ର ୧୪ ବର୍ଷରୁ କମ୍ ବାଳକ ବାଳିକା ବର୍ଗର ପ୍ରତିଯୋଗିତା ଆରମ୍ଭ ହୋଇଛି। ଚମ୍ପିଆନସିପ୍‌ରେ ଦେଶର ୧୪ଟି ରାଜ୍ୟରୁ ୩୦୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର କମିଶନର ତଥା ଶାସନ ସଚିବ ଡାକ୍ତର ଏନ୍.ତିରୁମାଲ୍ଲା ନାୟକ କାର୍ଯ୍ୟକ୍ରମରେ ଉପସ୍ଥିତ ରହି ଯୁବ ଖେଳାଳିମାନଙ୍କୁ ସ୍ୱାଗତ କରିଥିଲେ। ଯୁବ ଖେଳାଳିମାନଙ୍କର ଉତ୍ସାହ ଓ ନିଷ୍ଠାକୁ ସେ ପ୍ରଶଂସା କରିବା ସହିତ ଏପରି ଚାମ୍ପିଅନସିପ୍ ମାଧ୍ୟମରେ ତୃଣମୂଳସ୍ତରରେ ଖେଳକୁ ପହଁଞ୍ଚା ଯାଇପାରିବ ବୋଲି ମତପ୍ରକାଶ କରିଥିଲେ।

HS

## ପାଣିପାଗ

କାଳବୈଶାଖୀ ପ୍ରଭାବରେ ଆଗାମୀ ଦୁଇଦିନ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଜିଲ୍ଲାରେ ଝଡ଼ବର୍ଷାର ହେବାର ସମ୍ଭାବନା ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ୨୦ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।  ଏହି ସମୟରେ ଘଣ୍ଟା ପ୍ରତି ପବନର ବେଗ ୪୦ରୁ ୫୦ କିଲୋମିଟର ରହିବ। ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ

ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଛି । ଗତ ୨୪ ଘଣ୍ଟା ମଧ୍ୟରେ ବାଲେଶ୍ୱର ଜିଲ୍ଲାର ଖଇରାରେ ସର୍ବାଧିକ ୮୭ ମିଲିମିଟର ବର୍ଷା ରେକର୍ଡ କରାଯାଇଛି ।